ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/AgFE (Od)/1091/05-10-2023**

## ଓଡ଼ିଶା ସରକାର ମଣିଷର ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ ବିଷାକ୍ତ ପାରାକ୍ୱେଟ୍‌ର ବ୍ୟବହାର ନିଷିଦ୍ଧ କରିଛନ୍ତି

ଭୁବନେଶ୍ୱର, ୦୫/୧୦/୨୦୨୩

ରାଜ୍ୟ ସରକାର ତୃଣନାଶକ ଭାବରେ ବ୍ୟବହୃତ ଅତ୍ୟନ୍ତ ବିଷାକ୍ତ ହର୍ବିସାଇଡ୍ ପାରାକ୍ୱେଟ୍ ନିଷିଦ୍ଧ କରିଛନ୍ତି । ଜମିରେ ତୃଣନାଶକ ଭାବେ ଏହାର ବ୍ୟାପକ ବ୍ୟବହାର ହୁଏ । ସାର୍ବଜନୀନ ନିରାପତ୍ତାକୁ ଦୃଷ୍ଟିରେ ରଖି ଏବଂ ମଣିଷ ଓ ପ୍ରାଣୀ ଉପରେ ଏହାର ରାସାୟନିକ କୁପ୍ରଭାବକୁ ରୋକିବା ପାଇଁ ଏହାକୁ ନିଷିଦ୍ଧ କରାଯାଇଛି । ଆଜି ଏହି ମର୍ମରେ କୃଷି ଓ କୃଷକ ସଶକ୍ତିକରଣ ବିଭାଗ ପକ୍ଷରୁ ଏକ ଆଦେଶନାମା ପ୍ରକାଶ ପାଇଛି ।

ନିଷେଧାଜ୍ଞାର ଆଦେଶ ତୁରନ୍ତ କାର୍ଯ୍ୟକାରୀ ହେବା ସହିତ ଏହି ବିଷାକ୍ତ ରାସାୟନିକ ପଦାର୍ଥର ବିକ୍ରୟ/ମହଜୁଦ/ବିତରଣ/ଉତ୍ପାଦନ ଓ ବ୍ୟବହାରକୁ ସାରା ରାଜ୍ୟରେ ନିଷିଦ୍ଧ କରାଯାଇଛି । କୀଟନାଶକ ଅଧିନିୟମ, ୧୯୬୮ର ନିୟମ ଅନୁଯାୟୀ ନିଷେଧାଜ୍ଞା ପ୍ରାଥମିକ ଭାବେ ଦୁଇ ମାସ ପାଇଁ ବଳବତ୍ତର ରହିବ । ଗବେଷଣା ପ୍ରତିଷ୍ଠାନ ଏବଂ ଅନ୍ୟ ଅଂଶୀଦାରଙ୍କଠାରୁ ଏ ସଂପର୍କରେ ବିଜ୍ଞାନଭିତ୍ତିକ ମତାମତ ପାଇବା ପରେ ରାଜ୍ୟ ସରକାର ଓଡ଼ିଶାରେ ଏହି ରାସାୟନିକ ପଦାର୍ଥର ସ୍ଥାୟୀ ନିଷେଧାଦେଶ ପାଇଁ ଭାରତ ସରକାରଙ୍କ ନିକଟରେ ପ୍ରସ୍ତାବ ଦେବେ ।

'ମୋ ସରକାର' ଉପକ୍ରମ ଅଧିନରେ ହିତାଧିକାରୀଙ୍କଠାରୁ ମିଳିଥିବା ମତାମତ ଆଧାରରେ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ଏହି ବିଷାକ୍ତ ତୃଣନାଶକ ବ୍ୟବହାର କରି ଆଉ ଯେପରି ମଣିଷ ଜୀବନ ହାନି ନହୁଏ ସେଥିପାଇଁ ପାରାକ୍ୱେଟ୍ ନିଷିଦ୍ଧ କରିବା ବିଷୟରେ ଯାଞ୍ଚ ନିମନ୍ତେ କୃଷି ଓ କୃଷକ ସଶକ୍ତିକରଣ ବିଭାଗକୁ ପରାମର୍ଶ ଦେଇଥିଲେ ।

ଅନ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ଅନୁଯାୟୀ ଅଧିକୃତ ବିକ୍ରେତାଙ୍କ ଦ୍ୱାରା କୀଟନାଶକ ଏବଂ କୃଷି ରାସାୟନିକ ଦ୍ରବ୍ୟର ବିକ୍ରି ନିମନ୍ତେ ରାଜ୍ୟ ସରକାର ବର୍ତ୍ତମାନ କୃଷି ଓ କୃଷକ ସଶକ୍ତିକରଣ ବିଭାଗର ଅଧିକୃତ ଅଧିକାରୀ, ସଂପୃକ୍ତ ସରକାରୀ ବିଭାଗ ଏବଂ ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ଓ କୃଷି ଗବେଷଣା ଅନୁଷ୍ଠାନର ବୈଜ୍ଞାନିକମାନଙ୍କ ପ୍ରେସ୍କ୍ରିପସନ୍‌କୁ ବାଧ୍ୟତାମୂଳକ କରିଛନ୍ତି । କୃଷି ଓ କୃଷକ ସଶକ୍ତିକରଣ ବିଭାଗ ଦ୍ୱାରା ଏ ସଂପର୍କରେ ବିସ୍ତୃତ ମାର୍ଗଦର୍ଶିକା ଜାରି କରାଯିବ ।

ଏହା ଦ୍ୱାରା କୃଷି ବୈଜ୍ଞାନିକମାନଙ୍କ ପରାମର୍ଶ ଅନୁଯାୟୀ କୀଟନାଶକ ଔଷଧ ଏବଂ କୃଷି ରାସାୟନିକ ପଦାର୍ଥର ସଠିକ୍ ବ୍ୟବହାର ହୋଇପାରିବ ଓ କୃଷକ ଏବଂ ପରିବେଶ ଉପରେ ହେଉଥିବା କ୍ଷତିକୁ ହ୍ରାସ କରାଯାଇପାରିବ ।

ତାପସ କୁମାର ସାହା
ସୂଚନା ଅଧିକାରୀ